Sankha Bhawan
Plot No. 798, Unit - VI
Bhubaneswar - 751001, Odisha

BJD

Ph : 0674-2393464, 2395979
email : bijujanatadal@gmail.com

# BIJU JANATA DAL

## ପ୍ରେସ୍ ବିଜ୍ଞପ୍ତି

## ଝାଡ଼ଖଣ୍ଡବାସୀ ଆଞ୍ଚଳିକ ଦଳ ଉପରେ ପୁନଃ ଆସ୍ଥା ପ୍ରକଟ କଲେ: ବିଜେଡି

- ପୂର୍ବାଞ୍ଚଳରେ ଆଞ୍ଚଳିକ ଦଳଙ୍କ ଉପରେ ଭରସା ଅତୁଟ
- ରାଜ୍ୟ ବିଜେପି ନେତୃତ୍ୱଙ୍କ ଝାଡ଼ଖଣ୍ଡରେ ପ୍ରଚାର ପ୍ରଭାବଶୂନ୍ୟ

**ଭୁବନେଶ୍ୱର, ୨୩/୧୧/୨୦୨୪:** ଆଜି ମହାରାଷ୍ଟ୍ର ଓ ଝାଡ଼ଖଣ୍ଡ ନିର୍ବାଚନର ଫଳାଫଳ ପ୍ରକାଶ ପାଇଥିବା ବେଳେ ଝାଡ଼ଖଣ୍ଡରେ ହେମନ୍ତ ସୋରେନଙ୍କ ନେତୃତ୍ୱରେ ଜେଏମଏମର ବିଜୟ ପୂର୍ବାଞ୍ଚଳ ରାଜ୍ୟ ଗୁଡିକରେ ଆଞ୍ଚଳିକ ଦଳ ଗୁଡିକ ଉପରେ ଲୋକଙ୍କ ଭରସା ଅକ୍ଷୂର୍ଣ୍ଣ ରହିଛି ବୋଲି ବିଜୁ ଜନତା ଦଳ ତରଫରୁ ଏକ ବିବୃତିରେ କୁହାଯାଇଛି। ପୂର୍ବାଞ୍ଚଳ ରାଜ୍ୟ ଗୁଡିକରେ, ବିଶେଷକରି ପଶ୍ଚିମବଙ୍ଗ, ବିହାର, ଝାଡ଼ଖଣ୍ଡ ଓ ଓଡିଶା ପରି ରାଜ୍ୟରେ ଆଞ୍ଚଳିକ ଦଳ ଗୁଡିକ ସେମାନଙ୍କ ଉପସ୍ଥିତି ଜାହିର କରି ଆସୁଛନ୍ତି।

ଝାଡ଼ଖଣ୍ଡବାସୀ ଆଞ୍ଚଳିକ ଦଳ ଉପରେ ଭରସା ଜାରି ରଖିଛନ୍ତି ଓ ଜେଏମଏମ ନେତୃତ୍ୱରେ ସରକାରକୁ ଗାଦିଚ୍ୟୁତ କରିବା ପାଇଁ ବିଜେପିର ପ୍ରାଣମୂର୍ଚ୍ଛା ଉଦ୍ୟମ ବିଫଳ ହୋଇଯାଇଛି ବୋଲି ବିଜେଡିର ମୁଖପାତ୍ର ଓ ମିଡ଼ିଆ ସଂଯୋଜକ ଡଃ ଲେନିନ ମହାନ୍ତି ଏକ ବିବୃତିରେ କହିଛନ୍ତି। ରାଜ୍ୟବାସୀଙ୍କ ଆଶା ଆକାଂକ୍ଷାକୁ ପୂରଣ କରିବା କ୍ଷେତ୍ରରେ ରାଜ୍ୟବାସୀ ଆଞ୍ଚଳିକ ଦଳ ଉପରେ ଅଧିକ ଭରସା କରୁଛନ୍ତି। ଓଡ଼ିଶାର ବିଜେପି ନେତାମାନେ ମଧ୍ୟ ଝାଡ଼ଖଣ୍ଡ ନିର୍ବାଚନର ପ୍ରଚାର କାର୍ଯ୍ୟରେ ଯେଉଁ ଉତ୍ସାହର ସହିତ ଅଂଶଗ୍ରହଣ କରିଥିଲେ, ସେଥିରେ ଭଟ୍ଟା ପଡିଛି । ମୁଖ୍ୟମନ୍ତ୍ରୀ ଶ୍ରୀ ମୋହନ ଚରଣ ମାଝୀ ଝାଡ଼ଝଣ୍ଡରେ ପ୍ରଚାର କରିଥିବା ବେଳେ ତାଙ୍କ ପ୍ରଚାରର କିଛି ପ୍ରଭାବ ପଡିନାହିଁ। ରାଜ୍ୟରେ ଆଇନ ଶୃଙ୍ଖଳା ପରିସ୍ଥିତି ବିଗିଡି ଥିବା ବେଳେ, ରାଜ୍ୟର ମୁଖ୍ୟମନ୍ତ୍ରୀ ଓ ରାଜ୍ୟପାଳ ଝାଡ଼ଖଣ୍ଡରେ ଥିଲେ। ବିଜେପିର ସମସ୍ତ ଉଦ୍ୟମ ସତ୍ତ୍ୱେ ଝାଡ଼ଖଣ୍ଡବାସୀ ଆଞ୍ଚଳିକ ଦଳର ସରକାର ଉପରେ ପୁନଃ ଆସ୍ଥା ପ୍ରକଟ କରିଛନ୍ତି।

ଡଃ ପ୍ରିୟବ୍ରତ ମାଝୀ

(ଡଃ ପ୍ରିୟବ୍ରତ ମାଝୀ)
ଗଣମାଧ୍ୟମ ସଂଯୋଜକ
ବିଜୁ ଜନତା ଦଳ